ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID-IPR/I&PR(OD)/1041/13-01-2020

# ରାଜା ରାମଚନ୍ଦ୍ର ମର୍ଦ୍ଦରାଜ ଦେଓଙ୍କ ରାଜ୍ୟସ୍ତରୀୟ ଜୟନ୍ତୀ

## ରାଜା ବାହାଦୁର ଥିଲେ ଓଡ଼ିଶାର ଜଣେ ମହାନ ବରପୁତ୍ର: ମୁଖ୍ୟମନ୍ତ୍ରୀ

**ଭୁବନେଶ୍ୱର :୧୩ ଜାନୁଆରୀ,୨୦୨୧**

ରାଜା ରାମଚନ୍ଦ୍ର ମର୍ଦ୍ଦରାଜ ଦେଓଙ୍କ ଦୂରଦୃଷ୍ଟି ଏବଂ ଉଚ୍ଚ ଚିନ୍ତାଧାରା ଯୋଗୁଁ ସେ ସମୟରେ ଓଡ଼ିଶାର ରାଜନୀତି, ସମାଜନୀତି, ଅର୍ଥନୀତି, ଶିକ୍ଷା, ସ୍ୱାସ୍ଥ୍ୟ ତଥା ସାଂସ୍କୃତିକ କ୍ଷେତ୍ରରେ ବିକାଶ ସାଧିତ ହୋଇଥିଲା । ସେ ଥିଲେ ବହୁମୁଖୀ ପ୍ରତିଭାର ଅଧିକାରୀ ଏବଂ ପ୍ରଜାନୁରାଗୀ ଓ ମାନବିକତାର ପ୍ରତୀକ ବୋଲି ଅତିଥିମାନେ ମତପ୍ରକାଶ କରିଛନ୍ତି ।

ଆଜି ଜୟଦେବ ଭବନଠାରେ ସୂଚନା ଓ ଲୋକସଂପର୍କ ବିଭାଗ ଆନୁକୂଲ୍ୟରେ ଅନୁଷ୍ଠିତ ଉଭୟ ମଞ୍ଚ ଓ ଭର୍ଚୁଆଲ୍ ବ୍ୟବସ୍ଥାରେ ଅନୁଷ୍ଠିତ ରାଜା ରାମଚନ୍ଦ୍ର ମର୍ଦ୍ଦରାଜ ଦେଓଙ୍କ ରାଜ୍ୟସ୍ତରୀୟ ଜୟନ୍ତୀ ଉତ୍ସବରେ ମାନ୍ୟବର ମୁଖ୍ୟମନ୍ତ୍ରୀ ତାଙ୍କର ଭିଡ଼ିଓ ବାର୍ତ୍ତା ପ୍ରଦର୍ଶିତ ହୋଇଥିଲା । ମୁଖ୍ୟମନ୍ତ୍ରୀ ତାଙ୍କ ବାର୍ତ୍ତାରେ କହିଥିଲେ ଯେ ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନରେ ରାଜା ବାହାଦୁର ରାମଚନ୍ଦ୍ର ମର୍ଦ୍ଦରାଜ ଦେଓଙ୍କର ଅବଦାନକୁ ଓଡ଼ିଆ ଜାତି କେବେ ବି ଭୁଲିପାରିବ ନାହିଁ । ରାଜାବାହାଦୁରଙ୍କର ଗଣତନ୍ତ୍ରରେ ଦୃଢ଼ ବିଶ୍ୱାସ ଥିଲା । ଲୋକଙ୍କ କଲ୍ୟାଣ ତାଙ୍କ ଜୀବନର ଏକମାତ୍ର ଲକ୍ଷ୍ୟ ଥିଲା । ନାରୀଶିକ୍ଷା, ଭିତ୍ତିଭୂମିର ବିକାଶ ଓ ଜନତାଙ୍କ ଉନ୍ନତି ପାଇଁ ସେ ବହୁ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ ନେଇଥିଲେ । ରାଜାବାହାଦୁର ଓଡ଼ିଶାର ଜଣେ ମହାନ ବରପୁତ୍ର ଥିଲେ ଏବଂ ତାଙ୍କର ଆଦର୍ଶ ଆମ ସମସ୍ତଙ୍କ ପାଇଁ ପ୍ରେରଣା ହୋଇ ରହିବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ ତାଙ୍କ ବାର୍ତ୍ତାରେ ଉଲ୍ଲେଖ କରିଥିଲେ ।

ସମ୍ମାନିତ ଅତିଥି ଭାବେ ଯୋଗଦେଇ ଓଡ଼ିଶା ବିଧାନସଭାର ମାନ୍ୟବର ବାଚସ୍ପତି ଶ୍ରୀ ସୂର୍ଯ୍ୟନାରାୟଣ ପାତ୍ର କହିଥିଲେ ଯେ ରାଜା ମର୍ଦ୍ଦରାଜ ଦେଓ ନିଜ ଅଞ୍ଚଳ ସହିତ ସମଗ୍ର ଓଡ଼ିଶାର ଉନ୍ନତିକଳ୍ପେ କାର୍ଯ୍ୟ କରିଥିଲେ । ଓଡ଼ିଆ ଭାଷାଭିତ୍ତିରେ ଓଡ଼ିଶା ପ୍ରଦେଶ ଗଠନ ପାଇଁ ତାଙ୍କର ଅବଦାନ ଅନସ୍ୱୀକାର୍ଯ୍ୟ । ଜଙ୍ଗଲ ଓ ପରିବେଶ, ସଂସଦୀୟ ବ୍ୟାପାର ମନ୍ତ୍ରୀ ଶ୍ରୀ ବିକ୍ରମ କେଶରୀ ଆରୁଖ ସମ୍ମାନିତ ଅତିଥି ଭାବେ ଯୋଗଦେଇ ସ୍ୱର୍ଗତ ମହାରାଜାଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଅର୍ପଣପୂର୍ବକ ଖଲିକୋଟ ମର୍ଦ୍ଦରାଜ ପରିବାରର ଅବଦାନ ସଂପର୍କରେ ସୂଚନା ଦେବା ସହ ରାଜା ରାମଚନ୍ଦ୍ର ମର୍ଦ୍ଦରାଜ ଦେଓ ରାଜ୍ୟର ଶିକ୍ଷା, ଜଳସେଚନ, ଗମନାଗମନ, ଆର୍ଥିକ, ସାମାଜିକ ଉନ୍ନତି ପାଇଁ କାର୍ଯ୍ୟ କରିଥିଲେ ବୋଲି କହିଥିଲେ । ଅନ୍ୟତମ ସମ୍ମାନିତ ଅତିଥି ଭାବେ ଓଡ଼ିଶା ରିଭ୍ୟୁ ଓ ଉତ୍କଳ ପ୍ରସଙ୍ଗର ସଂପାଦକ ଡ. ଲେନିନ୍ ମହାନ୍ତି ରାଜା ମର୍ଦ୍ଦରାଜ ଦେଓଙ୍କର ବ୍ୟକ୍ତିତ୍ୱର ବିଭିନ୍ନ ଦିଗ ସଂପର୍କରେ ଆଲୋଚନା କରିବା ସହ ଓଡ଼ିଶାର ରୂପରେଖ ଗଠନରେ ତାଙ୍କ ଭୂମିକା ପ୍ରଶଂସନୀୟ ଥିଲା ବୋଲି କହିଥିଲେ । ଖଲିକୋଟ ବିଧାୟିକା ଶ୍ରୀମତୀ ସୂର୍ଯ୍ୟମଣି ବୈଦ୍ୟ ରାଜା ରାମଚନ୍ଦ୍ର ଦେଓଙ୍କୁ ଦେଶପ୍ରେମୀ, ସ୍ୱାଧୀନତା ସଂଗ୍ରାମୀ, ରାଜନୈତିକ ବ୍ୟକ୍ତି ଭାବେ ବହୁମୁଖୀ ପ୍ରତିଭାର ଅଧିକାରୀ ବୋଲି ବର୍ଣ୍ଣନା କରିଥିଲେ । ଭର୍ଚୁଆଲ ମାଧ୍ୟମରେ ସାଂସଦ ଶ୍ରୀ ଚନ୍ଦ୍ରଶେଖର ସାହୁ, ବିଧାୟିକା ଲତିକା ପ୍ରଧାନ ଏହି ଜୟନ୍ତୀ ଉତ୍ସବରେ ଯୋଗଦେଇ ମହାରାଜା ରାମଚନ୍ଦ୍ର ଦେଓଙ୍କ ଅବଦାନ ସଂପର୍କରେ ବକ୍ତବ୍ୟ ରଖିଥିଲେ ।

ସୂଚନା ଓ ଲୋକସଂପର୍କ ବିଭାଗର ନିର୍ଦ୍ଦେଶକ ଶ୍ରୀ କୃପାସିନ୍ଧୁ ମିଶ୍ର ସ୍ୱାଗତ ଭାଷଣ ପ୍ରଦାନ କରିଥିବାବେଳେ ପୂଜ୍ୟପୂଜା ସାହିତ୍ୟ ସଂସଦର ସଂପାଦକ ମହେଶ୍ୱର ବରାଡ ଧନ୍ୟବାଦ ଅର୍ପଣ କରିଥିଲେ । ଜୟଦେବ ଭବନଠାରେ ଭର୍ଚୁଆଲ୍ ମାଧ୍ୟମରେ ଅନ୍ୟମାନେ ଯୋଗଦେଇଥିଲେ । ସହକାରୀ ନିର୍ଦ୍ଦେଶକ(କ୍ଷେତ୍ର) ଶ୍ରୀମତୀ ସୁଚେତା ପ୍ରିୟଦର୍ଶିନୀ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ ।

ଦୀପ୍ତିମୟୀ ମହାପାତ୍ର
ସୂଚନା ଅଧିକାରୀ